ପ୍ରେସ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୦ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୯୭୩ରେ ପହଞ୍ଚିଲା - ସୁସ୍ଥ ହେଲେ ୨୮ ଜଣ ।

ଅନୁଗୋଳ, ତା୦୫.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୩୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୧୭ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ସର୍ବାଧିକ ୧୫ଜଣ ( ୧୫ଜଣ ପୁରୁଷ ), ବଆଁରପାଳ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ )ଅଛନ୍ତି । ଆଜି ପାଲଲହଡା ବ୍ଲକ,ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ,ତାଳଚେର ପୌରାଞ୍ଚଳ, କଣିହାଁ ବ୍ଲକ, ଆ୦ମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଓ ଆ୦ମଲ୍ଲିକ ବ୍ଲକ୍ ପ୍ରଭୃତି ୭ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । । ଆଜି ଅନୁଗୋଳ ଜିଲ୍ଲାରୁ ୨୮ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରୁ ଓ ୨୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୦୯ ତା.୦୫.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୫/୧/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ